ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 23/06-04-2021**

# ପ୍ରେସ୍ ବିବୃତି

**ଭୁବନେଶ୍ୱର :୦୬ ଅପ୍ରେଲ, ୨୦୨୧**

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଅନ୍ତର୍ଜାତୀୟ କ୍ରୀଡ଼ା ଦିବସ ଅବସରରେ କହିଛନ୍ତି ଯେ କ୍ରୀଡ଼ାରେ ନିବେଶ ହେଉଛି ଯୁବପିଢ଼ି ଏବଂ ଭବିଷ୍ୟତ ପାଇଁ ବିନିଯୋଗ । ମାନ୍ୟବର ମୁଖ୍ୟମନ୍ତ୍ରୀ ଲୋକମାନଙ୍କ ଜୀବନରେ କ୍ରୀଡ଼ାର ଅଗଣିତ ଲାଭକୁ ଚିହ୍ନିବା ସହ ଏକ ସଶକ୍ତ, ସୁସ୍ଥ ଏବଂ ଶାନ୍ତିପୂର୍ଣ୍ଣ ସମାଜ ଗଠନ ନିମନ୍ତେ କ୍ରୀଡ଼ାର ପରିବର୍ତ୍ତନଶୀଳ ଶକ୍ତି ଉପଯୋଗ କରିବାକୁ ଆହ୍ୱାନ ଦେଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଭାରତର ୪୮ତମ ପ୍ରଧାନ ବିଚାରପତି ଭାବେ ନିଯୁକ୍ତ ହୋଇଥିବାରୁ ଜଷ୍ଟିସ୍ ଏନ୍.ଭି. ରାମନାଙ୍କୁ ଅଭିନନ୍ଦନ ଜଣାଇଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ତାଙ୍କ ଆଗାମୀ କାର୍ଯ୍ୟକାଳର ସଫଳତା କାମନା କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଲକ୍ଷ୍ନୌରେ ଅନୁଷ୍ଠିତ ଦଶମ ଫେଡେରେସନ୍ କପ୍ ସିନିଅର ପୁରୁଷ ବଡ଼ିବିଲଡିଂ ଚମ୍ପିଅନ୍‌ସିପ୍‌ର ୮୦ କିଲୋଗ୍ରାମ ବର୍ଗରେ ସ୍ୱର୍ଣ୍ଣ ପଦକ ବିଜୟୀ ହୋଇଥିବାରୁ ଓଡ଼ିଶାର ରଶ୍ମିରଞ୍ଜନ ସାହୁଙ୍କୁ ଅଭିନନ୍ଦନ ଜଣାଇଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ତାଙ୍କର ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଛନ୍ତି ।

## ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୯୨,୧୩,୦୪୩ ଟି ନମୁନା କୋଭିଡ୍‌-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୪୩, ୮୫୬ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୮, ୧୫୦ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୨୨ ଜଣ କୋଭିଡ୍‌-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୩୭୩୧ ରହିଛି ।
- ୩୭୩୧ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**